# କେନ୍ଦୁଝର: ରାଷ୍ଟ୍ରୀୟ ଏକତା ଦିବସ ପାଳନ ଅବସରରେ ଶପଥ ପାଠ





କେନ୍ଦୁଝର, ୩୧.୧୦.    ଭାରତର ପ୍ରଥମ ଉପପ୍ରଧାନମନ୍ତ୍ରୀ ଭାରତରତ୍ନ ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ଜନ୍ମ ଜୟନ୍ତୀକୁ ରାଷ୍ଟ୍ରୀୟ ଏକତା ଦିବସ ଭାବେ ପାଳନ ଅବସରରେ ତା ୩୧.୧୦.୨୦୨୩ରିଖ ମଙ୍ଗଳବାର ଦିନ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ରାଷ୍ଟ୍ରୀୟ ଏକତା ସଂପର୍କିତ ଶପଥ ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଆଶିଷ ଠାକରେଙ୍କ ନିର୍ଦ୍ଦେଶକ୍ରମେ ଏହି ଉପଲକ୍ଷେ ଦରବାର ହଲଠାରେ ଏକ ସ୍ୱତନ୍ତ୍ର ସମାରୋହ ଅନୁଷ୍ଠିତ ହୋଇଥିଲା । ଏହି ସମାରୋହରେ ଅତିରିକ୍ତ ଜିଲ୍ଲାପାଳ ଯଦୁମଣି ମହଲା ଜିଲ୍ଲା କାର୍ଯ୍ୟାଳୟର ଅଧିକାରୀ ଓ କର୍ମଚାରୀମାନଙ୍କୁ ରାଷ୍ଟ୍ରୀୟ ଏକତା ଦିବସ ସଂପର୍କିତ ଶପଥ ପାଠ କରାଇଥିଲେ । ରାଷ୍ଟ୍ରର ଏକତା, ଅଖଣ୍ଡତା ଓ ସୁରକ୍ଷାକୁ ବଜାୟ ରଖିବା ପାଇଁ କର୍ମଚାରୀମାନେ ଶପଥ  ନେଇଥିଲେ । ଉପନିର୍ଦ୍ଦେଶକ, ସୂଚନା ଓ ଲୋକ ସଂପର୍କ, କେନ୍ଦୁଝର ସଞ୍ଜିବ ବାରିକ ପ୍ରାରମ୍ଭରେ ରାଷ୍ଟ୍ରୀୟ ଏକତା ଦିବସ ପାଳନର ଉଦ୍ଦେଶ୍ୟ ଓ ଆଭିମୁଖ୍ୟ ସଂପର୍କରେ ଆଲୋକପାତ କରିବା ସହ କାର୍ଯ୍ୟକ୍ରମର ସଂଯୋଜନା କରିଥିଲେ । ଡେପୁଟି କଲେକ୍ଟର ମହମ୍ମଦ ଫିରୋଜ ଖାନ୍, ଅନିତା ନାଏକ, କିରଣ କୁମାର ନାୟକ, ଜିଲ୍ଲା ମଙ୍ଗଳ ଅଧିକାରୀ ପ୍ରବୀର କୁମାର ଦେଓ, ଡି.ଆଇ.ଓ ଏନ୍.ଆଇ.ସି. ଅଜୟ କୁମାର ମହାପାତ୍ର, ଜିଲ୍ଲା କ୍ରୀଡା ଅଧିକାରୀ ଜିତେନ୍ଦ୍ରିୟ ମହାକୁଡଙ୍କ ସମତେ ବିଭିନ୍ନ ବିଭାଗ/ଉପବିଭାଗର ଅଧିକାରୀ ଓ କର୍ମଚାରୀମାନେ ଏହି କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ ।

ଉପନିର୍ଦ୍ଦେଶକ, ସୂଚନା ଓ ଲୋକ ସଂପର୍କ, କେନ୍ଦୁଝର